# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 26 July - 2025

*********************************

## <u>ମୁଖ୍ୟ ସମ୍ବାଦ</u>

- ପରିମଳ କର୍ମଚାରୀଙ୍କୁ ନ୍ୟାୟ, ସୁରକ୍ଷା ଏବଂ ମର୍ଯ୍ୟଦା ପ୍ରଦାନ କରିବା ସରକାରଙ୍କର ନୈତିକ ଦାୟିତ୍ୱ କହିଲେ ମୁଖ୍ୟମନ୍ତ୍ରୀ
- 'ମନ୍ କି ବାତ୍' କାର୍ଯ୍ୟକ୍ରମରେ ଆସନ୍ତାକାଲି ଦେଶବାସୀଙ୍କ ସହ ଭାବବିନିମୟ କରିବେ ପ୍ରଧାନମନ୍ତ୍ରୀ
- ଭାରତୀୟ ସେନାର ଶୌର୍ଯ୍ୟ ଓ ପରାକ୍ରମକୁ ସ୍ମରଣ କରି ଆଜି ପାଳନ କରାଯାଉଛି କାରଗିଲ୍ ବିଜୟ ଦିବସ

ଏବଂ

- ଉପରମୁଣ୍ଡରେ ପ୍ରବଳ ବର୍ଷା ଯୋଗୁଁ ରାଜ୍ୟର ବିଭିନ୍ନ ନଦୀରେ ବୃଦ୍ଧି ପାଉଛି ଜଳସ୍ତର; ଜିଲ୍ଲା ପ୍ରଶାସନକୁ ପ୍ରସ୍ତୁତ ରହିବାକୁ ପରାମର୍ଶ

# ଗରିମା କର୍ମଶାଳା

ପରିମଳ କର୍ମଚାରୀଙ୍କୁ ନ୍ୟାୟ, ସୁରକ୍ଷା ଏବଂ ମର୍ଯ୍ୟଦା ପ୍ରଦାନ କରିବା ସରକାରଙ୍କ ନୈତିକ ଦାୟିତ୍ୱ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଗୃହ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ଆୟୋଜିତ ଦୁଇଦିନିଆ ଜାତୀୟ ଗରିମା କର୍ମଶାଳାର ଉଦ୍‌ଘାଟନ କରି ଶ୍ରୀ ମାଝୀ ପରିମଳ କର୍ମଚାରୀଙ୍କ ପାଇଁ ୧୦ ଲକ୍ଷ ଟଙ୍କାର ଜୀବନବୀମା, କର୍ମକ୍ଷେତ୍ରରେ ଜୀବନହାନୀ ପାଇଁ ୩୦ ଲକ୍ଷ ଟଙ୍କାର ସହାୟତା ରାଶି ଏବଂ ପ୍ରମୁଖ ପରିମଳ କର୍ମୀଙ୍କୁ ମୋବାଇଲ ଫୋନ୍ ପ୍ରଦାନ ନେଇ ଘୋଷଣା କରିଛନ୍ତି। ପରିମଳ କର୍ମଚାରୀଙ୍କ ଆଶ୍ରୟ ସୁରକ୍ଷା ପାଇଁ ପ୍ରଧାନମନ୍ତ୍ରୀ ଆବାସ ସହରୀ ଯୋଜନାରେ ବାସଗୃହ ପ୍ରଦାନ କରାଯିବ। ଏହାସହ ପ୍ରତିବର୍ଷ ରାଜ୍ୟରେ ଏ ସମ୍ପର୍କିତ ଜାତୀୟ କର୍ମଶାଳା ଆୟୋଜନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ଘୋଷଣା କରିଛନ୍ତି। ଏହି ଅବସରରେ ପରିମଳ କାର୍ଯ୍ୟ ସମ୍ପର୍କିତ ଅଧୁନିକ ଓ ସୁରକ୍ଷା ଉପକରଣର ପ୍ରଦର୍ଶନୀକୁ ମୁଖ୍ୟମନ୍ତ୍ରୀ ବୁଲି ଦେଖିବା ସହ ପ୍ରମୁଖ ପରିମଳ କର୍ମୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ପରିମଳ କାର୍ଯ୍ୟକ୍ରମକୁ ଆହୁରି ବ୍ୟାପକ କରିବା ପାଇଁ ଆସନ୍ତା ମାସ ୧୫ ତାରିଖରୁ ୩୦ ତାରିଖ ପର୍ଯ୍ୟନ୍ତ ୧୫ ଦିନ ଧରି ରାଜ୍ୟବ୍ୟାପୀ ଏକ ଜନସଚେତନତା କାର୍ଯ୍ୟକ୍ରମ ଆୟୋଜନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣ ଚନ୍ଦ୍ର ମହାପାତ୍ର ଏହି କାର୍ଯ୍ୟକ୍ରମରେ ଯୋଗଦେଇ ଅନ୍ୟାନ୍ୟ ରାଜ୍ୟ ତଥା କେନ୍ଦ୍ର ଶାସିତ ଅଞ୍ଚଳରେ ପରିମଳ ବ୍ୟବସ୍ଥା ନେଇ ଗ୍ରହଣ କରାଯାଇଥିବା ଉନ୍ନତ ପଦକ୍ଷେପଗୁଡ଼ିକୁ ଆପଣାଇବା ଉପରେ ଗୁରୁତ୍ୱାରୋପ କରିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, କେନ୍ଦ୍ର ସାମାଜିକ ଓ ନ୍ୟାୟ ସଶକ୍ତୀକରଣ ମନ୍ତ୍ରଣାଳୟ ସଚିବ ଅମିତ ଯାଦବ ପ୍ରମୁଖ ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ।

***Desk***

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ‘ମନ୍ କୀ ବାତ୍’ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ‘ମନ୍ କୀ ବାତ୍’ କାର୍ଯ୍ୟକ୍ରମର ୧୨୪ତମ ସଂସ୍କରଣ। ‘ମନ୍ କୀ ବାତ୍’ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

*Desk*

## କାର୍ଗିଲ ବିଜୟ ଦିବସ

ସମଗ୍ର ଦେଶରେ ଆଜି ୨୬ତମ କାର୍ଗିଲ ବିଜୟ ଦିବସ ପାଳନ କରାଯାଉଛି। ୧୯୯୯ ମସିହାରେ ୮୪ଦିନର ଯୁଦ୍ଧରେ ସାରା ବିଶ୍ୱ ଦେଖିଥିଲା ଭାରତୀୟ ସେନାର ଶୌର୍ଯ୍ୟ ଏବଂ ପରାକ୍ରମ। କାର୍ଗିଲ ଯୁଦ୍ଧରେ ପାକିସ୍ତାନକୁ ପରାଜିତ କରିଥିଲେ ଭାରତୀୟ ସେନା । ଏହି ଯୁଦ୍ଧରେ ୫୪୫ ଯବାନ ସହିଦ ହୋଇଥିବା ବେଳେ ୧ ହଜାର ୩୬୩ଜଣ ଆହତ ହୋଇଥିଲେ। ବୀର ଯବାନଙ୍କ ବଳିଦାନ ଯୋଗୁଁ କାର୍ଗିଲର ଟାଇଗର ଶୃଙ୍ଗରେ ତ୍ରିରଙ୍ଗା ଉଡ଼ାଇ ଭାରତୀୟ ସେନା ବିଜୟ ହାସଲ କରିଥିଲେ ।

*Desk*

## ମେଟ୍ରୋ ରେଳ କଣ୍ଟ୍ରାକ୍ଟ ବାତିଲ

ଭୁବନେଶ୍ୱର ମେଟ୍ରୋ ରେଳ ପ୍ରକଳ୍ପର ପୁରୁଣା ଚୁକ୍ତିପତ୍ରକୁ ରାଜ୍ୟ ସରକାର ବାତିଲ କରିଛନ୍ତି। ରାଜ୍ୟ ସରକାରଙ୍କ ଅନୁରୋଧ ସତ୍ତ୍ୱେ ନିୟମ ଅନୁଯାୟୀ କ୍ଷତିଗ୍ରସ୍ତଙ୍କୁ ଉପଯୁକ୍ତ କ୍ଷତିପୂରଣ ପ୍ରଦାନ ଅଭିଯୋଗ ଏବଂ ଅନ୍ୟାନ୍ୟ ପ୍ରସଙ୍ଗ ଆଧାରରେ ଏହି ନିଷ୍ପତ୍ତି ଗ୍ରହଣ କରାଯାଇଥିବା ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର କହିଛନ୍ତି।

**- V/O -**

ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଗଠିତ ସବ୍‌କମିଟିର ପ୍ରଥମ ବୈଠକ ଭୁବନେଶ୍ୱର ଲୋକସେବା ଭବନରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ମେଟ୍ରୋ ରେଳ ପ୍ରକଳ୍ପ ସହିତ

ଗମନାଗମନ, ରେଳ-ସଡ଼କ ପଥ ପରିବର୍ତ୍ତନ, ଫ୍ଲାଏ ଓଭର ପ୍ରକଳ୍ପ ଆଦି ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋଚନା ହୋଇଥିଲା। ସି.ଇ.ଆଇ.ଜି.ଆଇ.ଏଲ୍ ଇଣ୍ଡିଆ ଲିମିଟେଡ୍ ଏବଂ ଦିଲ୍ଲୀ ମେଟ୍ରୋ ରେଳ କର୍ପୋରେସନ୍ ଲିମିଟେଡ୍‌କୁ ପୂର୍ବ ସରକାରଙ୍କ ଅମଳରେ ଟେଣ୍ଡର ପ୍ରଦାନ କରାଯାଇଥିଲା।

***Desk***

## ଜନଶୁଣାଣି

ଆସନ୍ତା ଜୁଲାଇ ୨୮ ତାରିଖ ସୋମବାର ଦିନ ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହେବ। ଏଥିଲାଗି ଏକହଜାର ଜଣ ଆବେଦନକାରୀ ଅନ୍‌ଲାଇନ୍ ଜରିଆରେ ନାମ ପଞ୍ଜିକରଣ କରିଛନ୍ତି। ସେହିଦିନ ସକାଳ ୮ଟାରୁ ଭୁବନେଶ୍ୱର ୟୁନିଟ୍-୨ ଅଶୋକନଗର ସ୍ଥିତ ପୂର୍ବତନ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ମୁଖ୍ୟମନ୍ତ୍ରୀ ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କରିବେ ।

***Deogarh***

## ଅଗ୍ନିବୀର ନିଯୁକ୍ତି

ଦେବଗଡ଼ ଜିଲ୍ଲାର ବିଭିନ୍ନ ମହାବିଦ୍ୟାଳୟ, ଦକ୍ଷତା ବିକାଶ ଓ ନିୟୋଜନ କାର୍ଯ୍ୟାଳୟ ଏବଂ ସରକାରୀ ଆଇ.ଟି.ଆଇ. ବାରକୋଟଠାରେ ଭାରତୀୟ ବାୟୁସେନାରେ ଅଗ୍ନିବୀର ବାୟୁ ନିଯୁକ୍ତି ନିମନ୍ତେ ଏକ ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମରେ ସର୍ଜେଣ୍ଟ ଆର୍.କେ.ସିଂହ ଓ ରବି ସିଂହ ଯୋଗଦେଇ ଅଗ୍ନିବୀର ବାୟୁରେ

ବିଭିନ୍ନ ସୁବିଧା ସୁଯୋଗ, ଯୋଗ୍ୟତା ମାନଦଣ୍ଡ ଏବଂ ଆବଶ୍ୟକୀୟ ପରୀକ୍ଷା ବିଷୟରେ ଛାତ୍ରଛାତ୍ରୀମାନଙ୍କୁ ସଚେତନ କରାଇଥିଲେ। ଭବିଷ୍ୟତରେ ଏହି ଛାତ୍ରଛାତ୍ରୀମାନେ ଦାୟିତ୍ୱବାନ ଓ ସୁନାଗରିକ ହୋଇ ଦେଶ ମାତୃକାର ସେବାରେ ନିଜକୁ ନିୟୋଜିତ କରିବେ ବୋଲି ଅଧିକାରୀମାନେ ମତ ରଖିଥିଲେ।

***Deogarh***

## ଭୋଟର ସଚେତନତା କାର୍ଯ୍ୟକ୍ରମ

ଦେବଗଡ଼ ଜିଲ୍ଲାପାଳଙ୍କ ବିକାଶ ଭବନ ସମ୍ମିଳନୀ କକ୍ଷରେ ବିଭିନ୍ନ ରାଜନୈତିକ ଦଳମାନଙ୍କୁ ନେଇ ନୂତନ ମତଦାନ କେନ୍ଦ୍ର ପ୍ରତିଷ୍ଠା ସମ୍ପର୍କିତ ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ କବୀନ୍ଦ୍ର କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲାରେ ସର୍ବମୋଟ ୩୬୦ଟି ବୁଥ୍ ହେବା ପାଇଁ ସ୍ଥିର କରାଯାଇଛି। ବୈଠକରେ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀ ମାନେ ଯୋଗ ଦେଇଥିଲେ।

***BHK/Boudh/***

## ଭଦ୍ରକ- ବନ୍ୟା

ଉପର ମୁଣ୍ଡରେ ପ୍ରବଳ ବର୍ଷା ଯୋଗୁଁ ସୁବର୍ଣ୍ଣରେଖା, ଜଳକା ଏବଂ ବୈତରଣୀ ଆଦି ନଦୀରେ ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି। ହୀରାକୁଦ

ଜଳଭଣ୍ଡାରରେ ମଧ୍ୟ ଜଳସ୍ତର ବୃଦ୍ଧିକୁ ଦୃଷ୍ଟିରେ ରଖି ୨୦ଟି ସ୍ଲୁଇସ୍ ଗେଟ୍ ମାଧ୍ୟମରେ ମହାନଦୀକୁ ଜଳ ନିଷ୍କାସନ କରାଯାଉଛି ।

ଶୁଣନ୍ତୁ ଏ ସମ୍ପର୍କିତ ଏକ ରିପୋର୍ଟ...

ବୈତରଣୀ ନଦୀ ଜଳସ୍ତର ବୃଦ୍ଧି ପାଇବା ଯୋଗୁଁ କୋଚିଲା, ରେବ, କପାଳୀ ଆଦି ଶାଖା ନଦୀରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି । ଜିଲ୍ଲାର ଭଣ୍ଡାରୀ ପୋଖରୀ, ଧାମନଗର, ତିହିଡ଼ି, ଚାନ୍ଦବାଲି ବ୍ଲକର ବିଭିନ୍ନ ପଞ୍ଚାୟତରେ ଶହ ଶହ ଏକର ଚାଷଜମି ଜଳମଗ୍ନ ରହିଛି । ଆନନ୍ଦପୁରଠାରେ ଜଳସ୍ତର ୩୮ ଦଶମିକ ୮/୨ ମିଟର ରହିବା ସହ ଏହା କ୍ରମାଗତ ବୃଦ୍ଧି ପାଉଛି । ଭଦ୍ରକ ଜିଲ୍ଲା ଆଖୁଆପଦାଠାରେ ମଧ୍ୟ ଜଳସ୍ତର ବିପଦ ସଙ୍କେତ ଉପରେ ପ୍ରବାହିତ ହେଉଛି । ସନ୍ଧ୍ୟା ୬ଟା ସୁଦ୍ଧା ଜଳସ୍ତର ୧୮ ଦଶମିକ ୭/୬ ମିଟର ରହିଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

ନଦୀର ଜଳସ୍ତର ବୃଦ୍ଧିକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ପକ୍ଷରୁ ସତର୍କତାମୂଳକ ବ୍ୟବସ୍ଥା ଗ୍ରହଣ କରାଯାଇଛି । ବିଭିନ୍ନ ନଦୀରେ ଜଳସ୍ତର ବୃଦ୍ଧି ପାଉଥିବାରୁ ଜଳସମ୍ପଦ ବିଭାଗ ପକ୍ଷରୁ ରାଜ୍ୟ ବନ୍ୟା ନିୟନ୍ତ୍ରଣ କକ୍ଷ ୨୪ ଘଣ୍ଟିଆ ସ୍ଥିତି ନିରୀକ୍ଷଣ କରୁଛନ୍ତି । ପରିସ୍ଥିତିକୁ ଦୃଷ୍ଟିରେ ରଖି କେନ୍ଦୁଝର, ଯାଜପୁର, ଭଦ୍ରକ ଓ ବାଲେଶ୍ୱର ଜିଲ୍ଲାର ଜିଲ୍ଲାପାଳଙ୍କୁ ସତର୍କ ରହିବାକୁ କୁହାଯାଇଛି । ଆବଶ୍ୟକସ୍ଥଳେ ତଳିଆ ଅଞ୍ଚଳ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରିବାକୁ ପରାମର୍ଶ ଦିଆଯାଇଛି । ସୁବର୍ଣ୍ଣରେଖା ଓ ବୈତରଣୀ ନଦୀରେ ଜଳସ୍ତର ବୃଦ୍ଧିକୁ ଦୃଷ୍ଟିରେ ରଖି ଜଳସମ୍ପଦ ବିଭାଗର

ଦୁଇଜଣ ସର୍ବୋଚ୍ଚ ଯନ୍ତ୍ରୀ ଏହି ଦୁଇ ନଦୀ ମୁହାଁଣ ପରିଦର୍ଶନ କରିଛନ୍ତି। ବୌଦ୍ଧ ଜିଲ୍ଲାରେ ଲଘୁଚାପ ଜନିତ ବର୍ଷା ଯୋଗୁଁ ଗତ ୨୪ ଘଣ୍ଟାରେ ୪୧ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। ଲଗାଣ ବର୍ଷା ଯୋଗୁଁ ଜୀବନଯାତ୍ରା ବ୍ୟାହତ ହୋଇଛି।

ଉତ୍ତର ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଅବପାତରେ ପରିଣତ ହୋଇଛି । ଏହାର ପ୍ରଭାବରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ହେବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି।

ହୀରାକୁଦ ଜଳଭଣ୍ଡାରରୁ ସନ୍ଧ୍ୟା ୬ଟା ସୁଦ୍ଧା ଜଳସ୍ତର ୬୧୧ ଦଶମିକ ୫/୮ ଫୁଟ ରହିଥିଲା। ପ୍ରତି ସେକେଣ୍ଡରେ ଜଳଭଣ୍ଡାର ମଧ୍ୟକୁ ୫ ଲକ୍ଷ ୨୩ ହଜାର ୩୭୫ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ୨୦ଟି ସ୍ଲୁଇସ୍ ଗେଟ୍ ଦେଇ ୩ ଲକ୍ଷ ୩୮ହଜାର ୮୧୦ ଘନଫୁଟ ଜଳ ନିଷ୍କାସିତ ହେଉଛି।

ଆକାଶବାଣୀ ସମ୍ବାଦ ବିଭାଗ ପକ୍ଷରୁ ମୁଁ ସ୍ମୃତିରେଖା ତରେଣିଆ

***Sambalpur***

## ଡାକ୍ତରୀ ଛାତ୍ର ମୃତ

ସମ୍ବଲପୁର ଯୁଜୁମରା ଦେବଝରଣ ଜଳପ୍ରପାତରେ ବୁଡ଼ିଯାଇ ବୁର୍ଲା ଭୀମସାରର ଦୁଇଜଣ ଡାକ୍ତରୀ ଛାତ୍ରଙ୍କ ମୃତ୍ୟୁ ହୋଇଛି। ସ୍ଥାନୀୟ ଲୋକ ଓ

ଅଗ୍ନିଶମ ବିଭାଗର ସହାୟତାରେ ଉଭୟ ଛାତ୍ରଙ୍କୁ ପାଣିରୁ ଉଦ୍ଧାର କରାଯାଇ ନିକଟସ୍ଥ ମେଡିକାଲକୁ ନିଆଯାଇଥିଲା । ସେଠାରେ ତାଙ୍କୁ ମୃତ ଘୋଷଣା କରାଯାଇଥିଲା ।

***Boudh***

## ଆଇନ ସଚେତନତା

ବୌଦ୍ଧ ବ୍ଲକ ମେଣ୍ଡିମାଳ ହାଇସ୍କୁଲଠାରେ ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ଆଇନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ଓ ଦୌରାଜଜ ପ୍ରତାପ କୁମାର ପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କର୍ମକ୍ଷେତ୍ରରେ ମହିଳାଙ୍କ ଯୌନ ନିର୍ଯାତନା ନିବାରଣ ଆଇନ-୨୦୧୩ ସମ୍ପର୍କରେ ସଚେତନ କରାଯାଇଥିଲା ।

***Nuapada***

## ଶିକ୍ଷୟିତ୍ରୀ ସମ୍ମିଳନୀ

ନୂଆପଡ଼ା ଜିଲ୍ଲା ଖଡ଼ିଆଳ ବ୍ଲକ ଲୋହରାପାଲି ଉଚ୍ଚ ମାଧ୍ୟମିକ ସ୍କୁଲରେ ଜିଲ୍ଲାସ୍ତରୀୟ ଶିକ୍ଷୟିତ୍ରୀ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ଓଡ଼ିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ ପକ୍ଷରୁ ଆୟୋଜିତ ସମ୍ମିଳନୀରେ କର୍ମକ୍ଷେତ୍ରରେ ଥିବା ମହିଳା ଶିକ୍ଷୟିତ୍ରୀଙ୍କ ସୁରକ୍ଷା ଏବ ଆନୁଷଙ୍ଗିକ ବ୍ୟବସ୍ଥା ଉପରେ ଆଲୋଚନା କରାଯାଇଥିଲା । ଓଷ୍ଟା ସଂଘର ପ୍ରମୁଖ କର୍ମକର୍ତ୍ତାମାନେ ଯୋଗଦେଇ ମହିଳାଙ୍କ ସମାନତା ଓ ସୁରକ୍ଷା ସମ୍ପର୍କିତ ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋକପାତ କରିଥିଲେ ।